# ଆଜି ଅନୁଗୋଳ ଜିଲ୍ଲାରୁ ୧୦୦ ଜଣ କରୋନା ପଜିଟିଭ ଚିହ୍ନଟ -

## ପଜିଟିଭ ସଂଖ୍ୟା ୭୫୬୫ ରେ ପହଞ୍ଚିଲା - ସୁସ୍ଥ ହେଲେ ୨୦୪ଜଣ ।

ଆଜି ଅନୁଗୋଳ ଜିଲ୍ଲାରୁ ଗୋଟିଏ ଦିନରେ ୧୦୦ ଜଣ ନୂଆ କରୋନା ପଜିଟିଭ ଚିହ୍ନଟ ହୋଇଛନ୍ତି । ସେହିପରି ଅନ୍ୟ ଜିଲ୍ଲାରୁ ଅନୁଗୋଳରେ ସ୍ୱାବ ନମୁନା ଦେଇଥିବା ବ୍ୟକ୍ତିମାନଙ୍କ ମଧ୍ୟରୁ ଆଜି ୨ ଜଣ ଆକ୍ରାନ୍ତ ଚିହ୍ନଟ ହୋଇ ସମୁଦାୟ ଆକ୍ରାନ୍ତଙ୍କ ସଂଖ୍ୟା ୧୨୦ ରେ ପହଂଚିଛି । ଜିଲ୍ଲା ମଧ୍ୟରୁ ଚିହ୍ନଟ ହୋଇଥିବା ଆକ୍ରାନ୍ତମାନଙ୍କ ମଧ୍ୟରେ ବଣ୍ଡରପାଳ ବ୍ଲକ୍ ଅଂଚଳରୁ ୨୪ ଜଣ (୧୪ ଜଣ ପୁରୁଷ ଓ୧୦ଜଣ ମହିଳା), ପାଲଲହଡା ବ୍ଲକ୍ ଅଂଚଳରୁ୧୩ ଜଣ ( ୫ଜଣ ପୁରୁଷ ଓ ୮ ଜଣ ମହିଳା), ଆଠମଲ୍ଲିକ ବ୍ଲକ୍ ଅଂଚଳରୁ ୧୩ ଜଣ (୧୦ ଜଣ ପୁରୁଷ ଓ ୩ ଜଣ ମହିଳା), ଅନୁଗୋଳ ପୌରାଞ୍ଚଳରୁ ୧୧ ଜଣ ( ୮ଜଣ ପୁରୁଷ ଓ ୩ ଜଣ ମହିଳା), ତାଳଚେର ବ୍ଲକ୍ ଅଂଚଳରୁ ୯ ଜଣ ( ୬ଜଣ ପୁରୁଷ ଓ ୩ଜଣ ମହିଳା), କଣିହାଁ ବ୍ଲକ୍ ଅଂଚଳରୁ ୮ ଜଣ ( ୩ଜଣ ପୁରୁଷ ଓ ୫ଜଣ ମହିଳା), ଛେଣ୍ଡିପଦା ବ୍ଲକ୍ ଅଂଚଳରୁ ୮ ଜଣ (୫ ଜଣ ପୁରୁଷ ଓ ୩ଜଣ ମହିଳା), ଅନୁଗୋଳ ବ୍ଲକ୍ ଅଂଚଳରୁ ୭ ଜଣ ( ୧ଜଣ ପୁରୁଷ ଓ ୬ଜଣ ମହିଳା), ଆଠମଲ୍ଲିକ ବିଜ୍ଞାପିତ ଅଂଚଳ ପରିଷଦରୁ ୪ ଜଣ (୧ ଜଣ ପୁରୁଷ ଓ୩ ଜଣ ମହିଳା), ତାଳଚେର ପୌରାଞ୍ଚଳରୁ ୨ ଜଣ ( ୨ଜଣ ପୁରୁଷ ) ଓ କିଶୋରନଗର ବ୍ଲକ୍ ଅଂଚଳରୁ୧ଜଣ ( ୧ଜଣ ପୁରୁଷ ) ଅଛନ୍ତି । ସମସ୍ତେ ଅନ୍ୟ ଆକ୍ରାନ୍ତଙ୍କ ସଂସ୍ପର୍ଶରେ ଆସି ପଜିଟିଭ ହୋଇଥିବାର ଜଣାପଡିଛି । ସମସ୍ତ ଲକ୍ଷଣଯୁକ୍ତ ଆକ୍ରାନ୍ତମାନଙ୍କୁ କୋଭିଡ ହସପିଟାଲକୁ ଚିକିତ୍ସା ନିମନ୍ତେ ସ୍ଥାନାନ୍ତର କରାଯାଉଥିବା ବେଳେ ସ୍ୱଳ୍ପ ଲକ୍ଷଣଯୁକ୍ତ ଓ ଲକ୍ଷଣ ବିହିନ ଆକ୍ରାନ୍ତମାନଙ୍କୁ ନିଜ ଘରେ Isolation ରେ ରଖାଯାଇ ନିରିକ୍ଷଣ କରାଯାଉଛି ବୋଲି ଜିଲ୍ଲାପାଳ ଶ୍ରୀ ସିଦ୍ଧାର୍ଥ ଶଙ୍କର ସ୍ୱାଇଁ ପ୍ରକାଶ କରିଛନ୍ତି । ଆଜି ଅନୁଗୋଳ ଜିଲ୍ଲାରୁ ୨୦୪ ଜଣ ସୁସ୍ଥ ହୋଇଛନ୍ତି । ସେମାନଙ୍କ ମଧ୍ୟରେ ୯ଜଣ କୋଭିଡ ହସପିଟାଲରୁ ଓ ୧୯୫ ଜଣ ହୋମ Isolation ରୁ ସୁସ୍ଥ ହୋଇଛନ୍ତି ।

ଆଜି ଅପରାହ୍ନରେ ଜିଲ୍ଲାପାଳ ତାଂକ କାର୍ଯ୍ୟାଳୟ ପ୍ରକୋଷ୍ଠରେ କୋଭିଡ ପରିଚାଳନାକୁ ନେଇ ସମୀକ୍ଷା କରିଥିଲେ । ଆସନ୍ତା ପୂଜା ପାର୍ବଣ ସମୟରେ ଦେବାଳୟ ସମ୍ମୁଖରେ ଜନସମାଗମକୁ ଦୃଷ୍ଟିରେ ରଖି ଚଢାଉ କାର୍ଯ୍ୟକ୍ରମକୁ କଡା କଡି କରିବା ସହ ମୋବାଇଲ ଟିମ୍ ଦ୍ୱାରା ଯାଞ୍ଚ କାର୍ଯ୍ୟକୁ ତ୍ୱରାନିତ କରିବାକୁ ଜିଲ୍ଲାପାଳ ପରାମର୍ଶ ଦେଇଛନ୍ତି । ସାମ୍ପ୍ରତିକ ପରିସ୍ଥିତିରେ କରୋନା ସଂକ୍ରମଣକୁ ନିୟନ୍ତ୍ରଣ କରିବା ନିମନ୍ତେ ଜିଲ୍ଲା ପ୍ରଶାସନ ତରଫରୁ ବିଭିନ୍ନ କାର୍ଯ୍ୟକ୍ରମ ଚାଲୁ ରହିଛି । ଏଥିରେ ନିୟୋଜିତ କର୍ମଚାରୀ ମାନେ ଆସନ୍ତା ପୂଜା ଛୁଟିରେ ପର୍ଯ୍ୟାୟକ୍ରମେ ଦଳଗତ ମନୋଭାବ ନେଇ ଦାୟିତ୍ୱ ନିର୍ବାହ କରିବାକୁ ଜିଲ୍ଲାପାଳ ପରାମର୍ଶ ଦେଇଛନ୍ତି । ଏହାଛଡା ଆସନ୍ତାକାଲି ଠାରୁ ଅଧିକ ମୋବାଇଲ ଟିମ୍ ବିଭିନ୍ନ ଜନସମାଗମ ସ୍ଥାନକୁ ପଠାଇ ଯାଞ୍ଚ କାର୍ଯ୍ୟକୁ ତ୍ୱରାନିତ କରିବାକୁ ଜିଲ୍ଲାପାଳ ପରାମର୍ଶ ଦେଇଛନ୍ତି ।

**ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ କାର୍ଯ୍ୟାଳୟ ,ଅନୁଗୋଳ ।**

ଜ୍ଞାପକ ସଂଖ୍ୟା. ୬୯୦ ତା.୧୯.୧୦.୨୦୨୦

ଏହାର ଏକକିତା ନକଲ ସମସ୍ତ ଜିଲ୍ଲା ସ୍ତରୀୟ ସାମ୍ବାଦିକଙ୍କ ସଦୟ ଅବଗତି ଓ ଏହାର ପ୍ରକାଶନ ନିମନ୍ତେ ପ୍ରେରଣ କରାଗଲା ।

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ ଅଧିକାରୀ, ଅନୁଗୋଳ